ଜିଲ୍ଲା ସୂଚନା ଓ ଲୋକ ସଂପର୍କ କାର୍ଯ୍ୟାଳୟ, ଢେଙ୍କାନାଳ
ପତ୍ର ସଂଖ୍ୟା. ୪୨୨ /ସୂ.ଲୋ.ସଂ. ତା. ୧୬/୦୮/୨୧

# ଜିଲ୍ଲାର କୋଭିଡ ପରିଚାଳନା ସମୀକ୍ଷା କଲେ ନୂତନ ଜିଲ୍ଲାପାଳ

ଢେଙ୍କାନାଳ, ତା. ୧୬.୦୮.୨୦୨୧-

ଆଜି ଜିଲ୍ଲା କାର୍ଯ୍ୟାଳୟସ୍ଥ ଓସୱାନ ହଲଠାରେ ନୂତନ ଜିଲ୍ଲାପାଳ ଶ୍ରୀ ସରୋଜ କୁମାର ସେଠୀ ଜିଲ୍ଲାର କୋଭିଡ ପରିଚାଳନାର ସମୀକ୍ଷା କରିଛନ୍ତି । କରୋନା ସଂକ୍ରମଣ ସଂଖ୍ୟା ଶୂନ ନ ହେବା ପର୍ଯ୍ୟନ୍ତ ସାପ୍ତାହିକ ହାଟ, ଜନଗହଳି ପୂର୍ଣ୍ଣ ସ୍ଥାନ ଆଦିରେ ସର୍ବସାଧାରଣ, ବ୍ୟବସାୟୀ, ଦୋକାନୀ, ଗ୍ରାହକମାନଙ୍କ ଦ୍ୱାରା କୋଭିଡ ପ୍ରୋଟୋକଲ ନିୟମ, ମାସ୍କ ପରିଧାନ, ସାମାଜିକ ଦୂରତା ଅନୁପାଳନକୁ କଡାକଡି ଭାବେ ଯାଞ୍ଚ କରିବାକୁ ଏବଂ ଏହାର ଉଲଂଘନ ହେଲେ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମସ୍ତ ଉପଜିଲ୍ଲାପାଳ, ବିଡିଓ, ତହସିଲଦାର, ନିର୍ବାହୀ ଅଧିକାରୀ ଓ ସମ୍ପୃକ୍ତ ଅଧିକାରୀମାନଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ସମ୍ପ୍ରତି ହାଇ ସ୍କୁଲକୁ ଆସୁଥିବା ଛତ୍ରଛାତ୍ରୀମାନଙ୍କର ଆଣ୍ଟିଜେନ ଏବଂ ଆରଟି ପିସିଆର ଟେଷ୍ଟର ବ୍ୟବସ୍ଥା କରିବାକୁ ପରାମର୍ଶ ଦେଇଛନ୍ତି । ନିୟମିତ ଭାବେ ଆଣ୍ଟିଜେନ ଏବଂ ଆରଟି ପିସିଆର ଟେଷ୍ଟ ହେଲେ ସଂକ୍ରମିତମାନେ ଚିହ୍ନଟ ହେବା ସହିତ ସଂକ୍ରମଣକୁ ରୋକା ଯାଇ ହ୍ରାସ କରାଯାଇପାରିବ ବୋଲି ସେ ପ୍ରକାଶ କରିଛନ୍ତି । ସେଥିପାଇଁ ଯାଞ୍ଚ ପ୍ରକ୍ରିୟାକୁ ନିୟମିତ ଜାରି ରଖିବାକୁ ଜିଲ୍ଲାପାଳ ବିଡିଓ, ତହସିଲଦାର, ନିର୍ବାହୀ ଅଧିକରୀମାନଙ୍କୁ କହିଛନ୍ତି । ୧୫ ଦିନ ଅନ୍ତରରେ ନିୟମିତ ଭାବେ ଡାକବାଜି ଯନ୍ତ୍ର ଦ୍ୱାରା ପ୍ରଚାର କରି କରୋନା ସଂକ୍ରମଣ ସମ୍ପର୍କରେ ଲୋକମାନଙ୍କୁ ସତର୍କ କରାଇବାକୁ ସେ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେହିଛନ୍ତି । ଲୋକମାନଙ୍କ ଜୀବନ ଓ ଜୀବିକାକୁ ପ୍ରାଧାନ ଦେବା ସହିତ କରୋନା ସଂକ୍ରମଣ ଯେପରି ସଂପୂର୍ଣ୍ଣ ହ୍ରାସ ପାଇବ ସେଥି ପ୍ରତି ମଧ୍ୟ ଯତ୍ନବାନ ହେବାକୁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।
5 T ନୀତିକୁ ପ୍ରାଧାନ ଦେଇ ସମସ୍ତ କାର୍ଯ୍ୟ ଟିମ ସ୍ପିରିଟରେ କରିବାକୁ ସେ ସମସ୍ତ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେବା ସହିତ ଲୋକମାନଙ୍କ ଅଭିଯୋଗ ଶୁଣି ତାହାର ସମାଧାନ ଉପରେ ବିଶେଷ ଗୁରୁତ୍ୱ ଦେବାକୁ କହିଛନ୍ତି ।

ଏହି ଭିସି ସମୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଶଶାଙ୍କ ଶେଖର ଦାଶ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ସାଫଲ୍ୟ ମଣ୍ଡିତ ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡା. ସୁଜାତା ରାଣୀ ମିଶ୍ର, ଅତିରିକ୍ତ ଜିଲ୍ଲା ଚିକିତ୍ସା ଅଧିକାରୀ ଡା. ଜ୍ୟୋତିଷ ଚନ୍ଦ୍ର ମହାପାତ୍ର, ଭାରପ୍ରାପ୍ତ ସଦର ଉପଜିଲ୍ଲାପାଳ ଶ୍ରୀ ରବି ନାରାୟଣ ତ୍ରିପାଠୀ, କାମାକ୍ଷାନଗର ଉପଜିଲ୍ଲାପାଳ ଶ୍ରୀ ଜ୍ୟୋତି ଶଙ୍କର ସାହୁ, ହିନ୍ଦୋଳ ଉପଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ର, ଆପତ କାଳୀନ ଅଧିକାରୀ ଶ୍ରୀ ସ୍ମୃତି ରଞ୍ଜନ ମହାପାତ୍ର, ପୌର ନିର୍ବାହୀ ଅଧିକାରୀ ଶ୍ରୀ ଅତନୁ କୁମାର ସାମନ୍ତ, ହିନ୍ଦୋଳ ତହସିଲଦାର ଶ୍ରୀ ସୁଶାନ୍ତ କୁମାର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ ।

ଡା. ମହାନ୍ତି ୧୬-୮-୨୧
ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଢେଙ୍କାନାଳ